ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1049/15-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୫ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସ୍ଥଳସେନା ଦିବସ ଅବସରରେ ପୂର୍ବତନ ସୈନିକ, ବୀର ସୈନିକ ଏବଂ ସେମାନଙ୍କ ପରିବାରବର୍ଗଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ଦେଶ ପାଇଁ ବଳିଦାନ ଦେଇଥିବା ବୀର ଶହୀଦମାନଙ୍କୁ ସମ୍ମାନ ଜଣାଇ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଦେଶର ସାର୍ବଭୌମତ୍ୱ ଓ ଅଖଣ୍ଡତା କୁ ସୁରକ୍ଷିତ କରିବାରେ ସେମାନଙ୍କର ଅଦମ୍ୟ ସାହସ ଏବଂ ନିଃସ୍ୱାର୍ଥପର ତ୍ୟାଗ ପାଇଁ ଭାରତ ଗର୍ବିତ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ମାନ୍ୟବର ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱରେ ଗଠିତ କେନ୍ଦ୍ର କ୍ୟାବିନେଟ୍ ଖଣିଜ ସଂପଦକ୍ଷେତ୍ରରେ ଆଣିଥିବା ସଂସ୍କାରକୁ ପ୍ରଶଂସା କରିଛନ୍ତି । ଭବିଷ୍ୟତରେ ବୃହତ ଘରୋଇ ପୁଂଜିନିବେଶ ପାଇଁ ଏହା ପଥ ଉନ୍ମୁକ୍ତ କରିବ ଏବଂ ଦେଶରେ ଖଣିଜସଂପଦ କ୍ଷେତ୍ରରେ ସ୍ୱଚ୍ଛତାକୁ ସୁନିଶ୍ଚିତ କରିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତ ସରକାରଙ୍କ ଇଲେକ୍ଟ୍ରୋନିକ୍ସ ଏବଂ ସୂଚନାପ୍ରଯୁକ୍ତି ମନ୍ତ୍ରାଳୟ ଏବଂ ଇନ୍‌ଟେଲ୍, ଇଣ୍ଡିଆର ମିଳିତ ସହଯୋଗରେ ଅନୁଷ୍ଠିତ ରେସ୍‌ପନ୍‌ସିବଲ୍ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ (ଏଆଇ) ଫର ୟୁଥ୍ ପ୍ରୋଗ୍ରାମର ଦ୍ୱିତୀୟ ପର୍ଯ୍ୟାୟ ନିମନ୍ତେ ଓଡ଼ିଶାର ୮ ଜଣ ବିଦ୍ୟାର୍ଥୀ ମନୋନୀତ ହୋଇଥିବାରୁ ସନ୍ତୋଷ ବ୍ୟକ୍ତ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଶୁଭକାମନା ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଭବ୍ୟ ମୁକ୍ତେଶ୍ୱର ମନ୍ଦିରର ପୃଷ୍ଠଭୂମି ସହିତ ମଞ୍ଚ ଉପରେ ସଂଗୀତଜ୍ଞମାନଙ୍କ ଦ୍ୱାରା ପରିବେଷିତ ସଂଗୀତର ଯାଦୁ ସବୁବେଳେ ଏକ ସମ୍ମୋହନର ଅନୁଭୂତି ଦିଏ । ଭୁବନେଶ୍ୱରେ ଜାନୁଆରୀ ୧୪ରୁ ୧୬ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେଉଥିବା ମୁକ୍ତେଶ୍ୱର ନୃତ୍ୟୋତ୍ସବକୁ ଆସିବା ପାଇଁ ଏବଂ ଜୀବନରେ ଏପରି ଏକ ଉପଲବ୍ଧି ଅର୍ଜନ କରିବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୩,୧୯,୬୦୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୨,୯୪୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୮,୮୩୨ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୯୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୧୬୬ ରହିଛି ।
- ୨,୧୬୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'